# ଦ୍ୱିତୀୟ ପରିଚ୍ଛେଦ

**ସ୍ୱନାମ ପୁରୁଷ ଧନ୍ୟଃ :**

ମଙ୍ଗରାଜେ ଗରିବ ପୁଅ ଥିଲେ। ଶୁଣାଅଛି, ସାତବର୍ଷ ବୟସରେ ସେ ଛେଉଣ୍ଡ ହୋଇ ବୁଲୁଥିଲେ। ପଇସା ଅଭାବକୁ ବାପର ଶୁଦ୍ଧ ହୋଇନାହିଁ। ଚାଳକୁ ନଡା ନ ଉଠିବାରୁ କାନ୍ଥ ପଡିଯାଇଥିଲା। ଏହାଙ୍କ ବାଲ୍ୟଜୀବନ , ବିଦ୍ୟାଶିକ୍ଷା , କର୍ମକ୍ଷେତ୍ରରେ ପ୍ରବେଶ ପ୍ରଭୃତି ଘଟଣାମାନ ବିଚିତ୍ର ରକମର । ଜଗତର କୌରସି ପ୍ରଧାନ ଲୋକଙ୍କ ଜୀବନ ଚରିତ ଅଲୌକିକ ଘଟଣାଶୂନ୍ୟ ନୁହେଁ । ସେ ସବୁ କଥା ଲେଖିବାକୁ ଗଲେ ଢ଼େର କାଗଜ କଲମ , ଢ଼େର ସମୟ ଆବଶ୍ୟକ ମାତ୍ର ପରିମିତବ୍ୟୟିତା ଯେ ଗୋଟିଏ ମହତ୍ ଗୁଣ, ଏ ବିଷୟରେ ଆମ୍ଭମାନଙ୍କ ର ଶିକ୍ଷାଗୁରୁ ମଙ୍ଗରାଜେ । ଅର୍ଥନୀତି ସମ୍ବନ୍ଧରେ ମହାପଣ୍ଡିତ ବେଞ୍ଜାମିନ ଫ୍ରାଙ୍କ୍ ଲିନ ଯେଉଁ ଉପଦେଶ ଦେଇଯାଇଛନ୍ତି , ସେଥିର ମର୍ମ ଆମ୍ଭେମାନେ ଠିକେ ଠିକେ ସବୁକଥା ଲେଖି ମଙ୍ଗରାଜ ଅର୍ଥନୀତିର ମର୍ଯ୍ୟାଦା ରକ୍ଷା କରିବାକୁ ଚେଷ୍ଟା କରିବୁଁ। ମଙ୍ଗରାଜଙ୍କ ଜମିଦାରୀ ନାମ ଫତେପୁର ସରଷଣ୍ଡ , ସଦରଜମା ପାଞ୍ଚ ହଜାର , ଅଠେଇଶ ବାଟି ବାହେଲ ଲାଖରାଜ , ବାଜିଆପ୍ତି ପନ୍ଦର ବାଟି ସତାଇଶ ମାଣ , କିମ୍ବା ଜାଣ , ଏଥିର ଜଣେ ସାତ ମାଣିଆ ସରିକଦାର ଥିବାର ଜଜ୍ ଅଦାଲତରେ ଅପିଲ୍ ଦାୟର ଅଛି। ଲୋକେ କହନ୍ତି ଚାଳିଶ ପଚାଶ ହଜାର ଟଙ୍କା ମହାଜନୀରେ ଖେଳୁଅଛି। ବଡଲୋକ ଘରକଥା ବଡ ଶୁଭେ । ଆମ୍ଭେମାନେ ଅନୁମାନ କରୁଁ ୧୫ ହଜାରରୁ ବେଶିନୁହେଁ । ମିଥ୍ୟା କଥା କହିବା ଆମ୍ଭମାନଙ୍କର ଧର୍ମନୁହେଁ । ଇନକମ୍ ଟିକସ ଇଲାକା ପିଆଦାଠାରୁ ଶୁଣି ଏକଥା କହୁଅଛୁ । ଧାନ ମହାଜନୀ କାଗଜ କୋଡିଏ ବରଷ ହେଲା ରଫା ହୋଇନାହିଁ। ଏଥର ସଠିକ ହିସାବ ଦେବାକୁ ଅକ୍ଷମ । ଗଲାଅଙ୍କ ସୁନିଆଁ ବାହାରେ ଧାନଘରିଆ ଯେଉଁ ପାଞ୍ଜି ଦାଖଲ କରିଥିଲା , ସେଥି ମଥୋଟରୁ ଆମ୍ଭେମାନେ ଜାଣିଅଛୁ ଯେ , ଦୁଇ ହଜାର ସାତ ଭରଣ ପନ୍ଦର ନଉତି ଛ ବିଶ୍ବା ଦୁଇ କାଣି ଧାନ ଅମାରରେ ଜମା ଅଛି। ଘର ପାଞ୍ଚ ପରସ୍ତ । ତିନି

ପୁଅ। ଏକ ପରସ୍ତରେ ସାଆନ୍ତ ସାଆନ୍ତାଣି ଓ ସାନଝିଅ ମାଳତିଥାନ୍ତି , ବାହାର ପରସ୍ତ କଚେରୀ । କଚେରୀ ଘର ପାଞ୍ଚ ଶେଣିଆ , ଶେଣି ପଟାରେ ବାଘ, ହାତୀ , ବିରାଡି , ରାଧାକୃଷ୍ଣ , ମାଙ୍କଡ ଖୋଳାଯାଇଅଛି। କାନ୍ଥ ସବୁରେ ନୀଳ , ଶୁକ୍ଳ , ରକ୍ତ , ହରୀତ , ପାଟଳ ବିବିଧ ରଂଗର ପଦ୍ମ , କହ୍ଲାର , କୁମୁଦ, ମାଳତି ପୁଷ୍ପମାଳା , ବାନରଯୁଥ , ରାକ୍ଷସ ଶ୍ରେଣୀ ସମ୍ବଳିତ ରାମ ରାବଣ ଯୁଦ୍ଧ ପ୍ରଭୁତି ପୌରାଣିକ ଘଟଣାମାନ ଅଙ୍କିତ ରହିଅଛି। ରାଜପୁତନାର କୌଣସି ସ୍ଥାନରେ ଗୋଟିଏ ଉଲଙ୍ଗ ସ୍ତ୍ରୀ ମୂର୍ତ୍ତି ଦେଖି ଟଡ୍ ସାହେବ ଅନୁମାନ କରିଅଛନ୍ତି ଭାରତର ପୂର୍ବକାଳରେ ଅଙ୍ଗନାମାନେ ଉଲଙ୍ଗ ଥିଲେ । ହାୟ ! ହାୟ ! ଆମ୍ଭେମାନେ ମଙ୍ଗରାଜଙ୍କ କାନ୍ଥରେ ଚିତ୍ର ଦେଖାଇ ସାହେବଙ୍କ ମୂର୍ଖତା ଦୂର କରିପାରିଲୁ ନାହିଁ। ଭିତ୍ତିଚିତ୍ରିତ ସଖିମଣ୍ଡଳୀ ପରିବେଷ୍ଟିତ ରାଧିକାଙ୍କର ଗେରୁ ରଂଗରେ ହାଣ୍ଡିକଳା ବୁଟାଦାର ଘାଗରା ଦେଖିଲେ ଅବଶ୍ୟ ସାହେବଙ୍କର ମୂର୍ଖତା ଓ ଭ୍ରାନ୍ତି ବିଦୁରିତ ହୋଇଥାନ୍ତା । ଏହି ସମସ୍ତ ଚିତ୍ର ଅଙ୍କିତ କରାଇବା ନିମନ୍ତେ ଅନ୍ୟଦେଶରୁ ଚିତ୍ରକାର ଲୋଡିବାକୁ ହୋଇନାହିଁ । ସମସ୍ତ କାର୍ଯ୍ୟ ଚଂପାଙ୍କର ସ୍ବହସ୍ତ ସଂପାଦିତ ଅଟେ । ଚଂପା ଏତେ ପ୍ରକାର ପଶୁର ଛବି ଚିତ୍ର କରିପାରେ ଯେ ସେପରି ପୂର୍ବର କଲିକତା ଜୁଲଜିକେଲ ଉଦ୍ୟାନରେ (ଚିଡିଆଖାନା) ତୁମ୍ଭେ ଖୋଜି ପାଇବନାହିଁ ।

ମଙ୍ଗରାଜ ଉଆସ ଲଗାଲଗି ପଛରେ ଗୋଟିଏ ବଡ ବଗିଚା , ବାଡିଦୁଆର ଚାରି ପାଖରେ ଗୋଟିଏ, ପୋଖରୀ ----ପୋଖରୀ ଚାରିପାଖରେ ନଡିଆ ଗଛ, ତା ପଛକୁ କଦଳୀ , ଆମ୍ବ , ପଣସ , ଓଆଉ ଗଛ। ବଗିଚା ପଗାର ଚାରିପାଖ ସୁନାର ଖାଇ ବାଉଁଶ ବାଡ ପ୍ରାଚୀର ପରି ବେଢ଼ି ରହିଅଛି। ମଙ୍ଗରାଜଙ୍କ ପରି ନିସ୍ବାର୍ଥ ଲୋକ ଦୁନିଆରେ ଅଳ୍ପ ଦେଖିବ। ତାଙ୍କର ସବୁ କାର୍ଯ୍ୟ ପରୋପକାର ନିମନ୍ତେ । ସାଆନ୍ତଙ୍କର ଏହିବଡ ବଗିଚାଟି ଗୋବିନ୍ଦପୁର ହାଟର ସ୍ଥିତି ଓ ଉନ୍ନତିର ମୂଳାଧାର ଅଟେ । ବଗିଚାର ନଡିଆ , କଦଳୀ , ବାଇଗଣ, କଖାରୁ, ଖଡାଠାରୁ ଲଙ୍କାମରିଚ ପର୍ଯ୍ୟନ୍ତ ନ ଯାଉଥିଲେ ହାଟର ଏଡେ ଜାରି ଦେଖନ୍ତି ନାହିଁ । ସାଆନ୍ତଙ୍କ ବଗିଚାର ପରିବା ବିକା ନ

ସରିଲେ ଆଉ କାହାରି ବିକିବାର ଅଧିକାର ନାହିଁ । ସେ ତ ଠିକ କଥା । ଭଲ ଜିନିଷ ଗୁଡାକ ପଡିରହିବ , ଖରାପ ଜିନିଷ ଆଗେ ବିକ୍ରି ହେବ , ଏହା ତ ଉଚିତ୍ ନୁହେଁ । ହାଟ ଯେ ନିଜ ଜମିଦାରୀ ମଧ୍ୟରେ , ଅନ୍ୟ ଲୋକର ହୋଇ ଥିଲେ ଅନ୍ୟ କଥା । ସୁନିଆ ଓ ପର୍ବ ପର୍ବାଣୀରେ ଯେ ସବୁ କଖାରୁ , ବାଇଗଣ, କଖାରୁ ଭେଟି ଆସେ , ସେ ସବୁ ସଳଖେ ସଳଖେ ହାଟକୁ ଯାଏ । ଚୀନ୍ ଦେଶର ପ୍ରାଚୀର ତୟାରୀ ହେଲା ଉତ୍ତାରେ ସମ୍ରାଟ ସମସ୍ତ ଇତିହାସ ଲେଖକଙ୍କୁ ଧରିଆଣି ହତ୍ୟା କରିଥିଲେ ; କାରଣ ପ୍ରାଚୀରରେ କେତେ ଟଙ୍କା ଖରଚ ହେଲା , କାଳେ ସେମାନେ ଲେଖିପକାଇବେ । ଏଥକୁ ଆମ୍ଭେମାନେ ସମ୍ରାଟଙ୍କୁ ନିରହଙ୍କାରି ପୁରୁଷ ବୋଲି କହୁ । ମହତ ଲୋକମାନେ ମହତ କାର୍ଯ୍ୟ ସାଧନ କରି ସେଥିରେ କେତେ ଟଙ୍କା ଖରଚ ହେଲା , କହିବୁଲନ୍ତି ନାହିଁ । ମଙ୍ଗରାଜଙ୍କୁ ପଚାର , ଆପଣଙ୍କ ନଅର ବନାରେ କେତେଟଙ୍କା ଲାଗିଲା ? ଉତ୍ତର 'ଢ଼େର ଟଙ୍କା , ଢ଼େର ଟଙ୍କା , ମୁଁ ତ ସେଥିରେ ମରିଗଲି । ' ପାଠକ ନିରାଶ ହେବେ ନାହିଁ, ଅଧିର ହେବେ ନାହିଁ ।

ପ୍ରତ୍ନତତ୍ତ୍ୱ ବିଦ୍ୟାଳୟରେ ସବୁ ପୁରୁଣା କଥାର ଠିକଣା ଲାଗିଯାଏ । ନଅଶ ବରଷ ଉତ୍ତାରେ ଜଣେ ସାହେବ ଆସି ପୁରୀ ମନ୍ଦିର ତୟାରିରେ କେତେ ଟଙ୍କା ଖରଚ ହେଲା , ତାହା ହିସାବ କରି ତାଲିକା ଦେଖାଇଲେ । ମଙ୍ଗରାଜଙ୍କର ଲେଉଟିଆ ଶାଗ ବିକ୍ରି ପର୍ଯ୍ୟନ୍ତ ପତ୍ର ରହିଅଛି, ଘର ତୟାରି ଖରଚର କି ହିସାବ ମିଳିବ ନାହିଁ ? ଦେଓଆନ ଗଙ୍ଗାଗୋବିନ୍ଦ ସିଂହଙ୍କ ମାତୃ କ୍ରିୟା ପରି କ୍ରିୟା ଭାରତ ବର୍ଷରେ ଆଜିଯାଏ କେହି କରିନାହିଁ , କରିବ ନାହିଁ । ବଙ୍ଗଳା ହତାର ସମୁଦାୟ ଜିଲ୍ଲାର କିଲଟର ସାହେବ ଡାଲି, ଚାଉଳ , ମଇଦା , ତେଲ, ଘିଅ, ନଡିଆ, କଦଳୀ କିଣି ପଠାଇବେ ବୋଲି ବଡଲାଟ ସାହେବ ସେମାନଙ୍କ ଉପରେ ଚିଠା ଜାରି କରିଥିଲେ । ନବଦ୍ୱୀପର ରାଜା ଶିବଚନ୍ଦ୍ର ସେହିପରି ମାତୃକ୍ରିୟା କରିବାକୁ ଇଚ୍ଛାକରି ଖରଚର ଡାବ ମାଗି ପଠାଇଲେ । ଦେଓଆନ୍ ଗଙ୍ଗାଗୋବିନ୍ଦ କେବଳ ଗଞ୍ଜେଇ , ଆପୁ, ଧୂଆଁପତ୍ର ଖରଚର ଡାବ ପଠାଇଦେଇ ତାହା ଅନୁପାତରେ ସମସ୍ତ ଖରଚର ଠିକଣା ଲଗାଇବାକୁ ସଙ୍କେତ କରି ଭାଷା

ଲେଖିଥିଲେ। ଏହିସବୁ ଜିନିଷ ଖରିଦରେ ବାସ୍ତରି ହଜାର ଟଙ୍କା କରଚ ପଡିଥିଲା। ନଗଦ ତ ଖରିଦ ଛାଡି ସମସ୍ତ ଜମିଦାରୀ ଭେଟିରେ ଅନେକ ଜିନିଷ ଦେଇଥିଲେ । ଆମ୍ଭେମାନେ ଘର ତୟାରିର ଗୋଟିଏ ହିସାବ ଦେଉଅଛୁ , ବୁଦ୍ଧିମାନ ପାଠକମାନେ ତାକୁ ଧରି ମୋଟ ଖରଚ କଥା ବୁଝିପାରିବେ । ଧାନଘର ପାଞ୍ଜିରୁ ଆମ୍ଭେମାନେ ଠିକ୍ ହିସାବ ପାଇଅଛୁ । ବଢ଼େଇ , କମାର ବେଠିଆଙ୍କ ପଛେ ପନ୍ଦର ଭରଣ ବାଇଶି ନଉତି ଧାନ ଖରଚ ପଡିଥିଲା ।

ମଙ୍ଗରାଜଙ୍କ ମୁହଁରୁ ଅନେକ ଥର ଶୁଣାଯାଇଅଛି , ସେ କେବଳ ପରର ବିକଳ ସହିନପାରି ଧାନ ଟଙ୍କା କରଜ ଦିଅନ୍ତି । , ନୋହିଲେ ସେଥିରେ ତାଙ୍କର ନିଜର କିଛି ଲାଭ ନାହିଁ । ଆମ୍ଭେମାନେ କହୁ , ବରଞ୍ଚ ଲୋକସାନ । ଧାନ ଦେଢ଼ିରୁ ବେଶି କରଜା ନାହିଁ , ଏଥିରେ ଲାଭ କଣ ? ଦିଅନ୍ତି ଶୁଖିଲା ପୁରୁଣା ଧାନ , ନେବା ବେଳକୁ ନୂଆ କଞ୍ଚା । ଆଛା ପାଠକ , ଆପଣଙ୍କ ଓଦା ଲୁଗାଟା ଆଗେ ଓଜନ କରନ୍ତୁ , ଦେଖିବେ ଓଦା ଶୁଖିଲାର କେତେ ପ୍ରଭେଦ । ଗଲା ଅଙ୍କ ପାଞ୍ଜିଆ ଯେ ସାଲତମାମି ଦାଖଲ କରିଥିଲା , ସେଥିରେ ମହାଜନୀ କରଜରେ ଆଠ ଟଙ୍କା ଛଅଅଣା ଦୁଇକଡା ଦୁଇକ୍ରାନ୍ତି ଛାଡ ତଳେ ପଡିଥିବାର ଦେଖାଯାଇଅଛି। ଏତେଗୁଡାଏ ଟଙ୍କା ଛାଡ ସକାଶେ ପାଞ୍ଜିଆ ଗାଳି ଖାଇ ଯେଉଁ ପରି କୈଫିୟତ୍ ଦେଇଥିଲେ, ସେଥିର ସାରମର୍ମ ଏହି ଭିକାରି ପଣ୍ଡା କରଜ ନେବାର ମୂଲ୍ୟ ପାଞ୍ଚଟଙ୍କା । ସେଥିରେ କଳନ୍ତର ଚକ୍ରବୃ ଦ୍ଧି ପ୍ରମାଣେ ବାରଟଙ୍କା ପାଞ୍ଚଅଣା ଏଗାର ଟଙ୍କା ଦୁଇକଡା , ଗାଏ ଦୁଇ ପଦକୁ ମୋଟ ଆଦାୟ ସତରଟଙ୍କା ପାଞ୍ଚଅଣା ଦୁଇପଇସା ବାଦେ ବାକି ଛାଡ ଦେଢ଼ ଗଣ୍ଡା ।

--o--